ଗ୍ରାମୀଣ କୃଷି ମୌସମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ
ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ପ୍ରସାରଣ କେନ୍ଦ୍ର , ଭବାନୀପାଟଣା, କଳାହାଣ୍ଡି


ପତ୍ର ସଂ –୨୩/୨୦୨୪ ସପ୍ତାହ- ୧୨ ମଙ୍ଗଳବାର, ତାରିଖ-୧୯.୦୩.୨୦୨୪

## ନୂଆପଡ଼ା ଜିଲ୍ଲା ପାଇଁ ପାଣିପାଗ ପୂର୍ବାନୁମାନ – ୨୦.୦୩.୨୦୨୪ ରୁ ୨୪.୦୩.୨୦୨୪ ପର୍ଯ୍ୟନ୍ତ:

| ଜିଲ୍ଲା | ତାରିଖ | ବର୍ଷା ପରିମାଣ (ମି.ମି.) | ସର୍ବାଧିକ ତାପମାତ୍ରା ($^0$ସେ.) | ସର୍ବନିମ୍ନ ତାପମାତ୍ରା ($^0$ସେ.) | ଆକାଶରେ ମେଘର ପରିମାଣ (ଅକଟା) | ସର୍ବାଧିକ ଆପେକ୍ଷିକ ଅଦ୍ରତା (%) | ସର୍ବନିମ୍ନ ଆପେକ୍ଷିକ ଅଦ୍ରତା (%) | ପବନର ବେଗ (କି.ମି. ପ୍ରତି ଘଣ୍ଟା ) | ପବନର ଦିଗ (ଡିଗ୍ରୀ) |
|---|---|---|---|---|---|---|---|---|---|
| ନୂଆପଡ଼ା | ୨୦-୦୩-୨୦୨୪ | ୨୦ | ୨୮ | ୧୯ | ୮ | ୭୯ | ୨୪ | ୧୦ | ୨୨୫ |
| | ୨୧-୦୩-୨୦୨୪ | ୫ | ୨୮ | ୧୯ | ୮ | ୬୩ | ୩୩ | ୮ | ୧୫୩ |
| | ୨୨-୦୩-୨୦୨୪ | ୦ | ୩୧ | ୨୨ | ୧ | ୪୫ | ୨୪ | ୬ | ୧୨୦ |
| | ୨୩-୦୩-୨୦୨୪ | ୦ | ୩୩ | ୨୨ | ୦ | ୩୬ | ୧୫ | ୯ | ୨୭୦ |
| | ୨୪-୦୩-୨୦୨୪ | ୦ | ୩୩ | ୨୪ | ୦ | ୪୦ | ୧୩ | ୯ | ୨୫୨ |

**ଅଧିକ ସୂଚନା ପାଇଁ ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ବର ସହିତ ଯୋଗାଯୋଗ କରନ୍ତୁ ଫୋନ.#୦୬୭୪ - ୨୫୯୬୧୧୬**

## ପାଣିପାଗ ସଂକ୍ଷିପ୍ତସାର/ସତର୍କ ସୂଚନା

ଭାରତୀୟ ପାଣିପାଗ ବିଭାଗର ଆକଳନ ଅନୁସାରେ ଆସନ୍ତା ଦୁଇ ଦିନ ମଧ୍ୟରେ ସାମାନ୍ଯ ରୁ ମଧ୍ୟମ ଧରଣର ବର୍ଷା ହେବାର ଆଶଙ୍କା ରହିଛି ଏବଂ ପରବର୍ତୀ ଦିନଗୁଡ଼ିକରେ ପାଗ ମୁଖ୍ୟତଃ ଖରାଟିଆ ଓ ଶୁଖିଲା ରହିବାର ସମ୍ଭାବନା ରହିଛି । ଆସନ୍ତା ଦୁଇ ଦିନ ଆକାଶ ମେଘାଛନ୍ନ ରହିବା ସହିତ ଉକ୍ତ ସମୟ ମଧ୍ୟରେ ପବନ ଦକ୍ଷିଣ-ପୂର୍ବ ରୁ ପଶ୍ଚିମ ଦିଗ ଆଡୁ ଘଣ୍ଟା ପ୍ରତି ୦୦୬ – ୦୧୦ କି.ମି. ବେଗରେ ବହିବାର ଆଶଙ୍କା ରହିଛି । ଆସନ୍ତା ପାଞ୍ଚ ଦିନରେ ଦିନର ସର୍ବାଧିକ ତାପମାତ୍ରା ୨୮ - ୩୩ ଡିଗ୍ରୀ ସେ. ଓ ସର୍ବନିମ୍ନ ତାପମାତ୍ରା ୧୯ - ୨୪ ଡିଗ୍ରୀ ସେ. ଏବଂ ସର୍ବାଧିକ ଓ ସର୍ବନିମ୍ନ ଆପେକ୍ଷିକ ଆଦ୍ରତା ଯଥାକ୍ରମେ ୩୬ – ୭୯ % ଓ ୧୩ – ୩୩ % ରହିବ ବୋଲି ଆଶା କରାଯାଏ ।

**ଚେତାବନୀ : ଆସନ୍ତା ୨୦ ରୁ ୨୧ ତାରିଖ ମଧ୍ୟରେ ସ୍ୱଳ୍ପ ବର୍ଷା ହେବାର ଆକଳନ ରହିଛି ।**

## ପାଣିପାଗ ଭିତ୍ତିକ କୃଷି ପରାମର୍ଶ

- ଆସନ୍ତା ଦୁଇ ଦିନରେ ସ୍ୱଳ୍ପ ରୁ ମଧ୍ୟମ ଧରଣର ବର୍ଷା ହେବାର ଆକଳନ ଥିବାରୁ ଚାଷୀ ଭାଇ ମାନେ ବର୍ତମାନ ପାଇଁ ଜଳସେଚନ ଓ ଜୀବନାଶକ ର ପ୍ରୟୋଗ କୁ ସ୍ଥଗିତ ରଖନ୍ତୁ।
- ବର୍ଷାର ହେବାର ପୂର୍ବାନୁମାନ କୁ ଲକ୍ଷକରି ପାକଳ ହେଇଯାଇଥିବ ଫସଲକୁ ଅମଳ କରି ଦିଅନ୍ତୁ। ଯଦି ଅମଳ କରି ଜମିରେ ରଖିଛନ୍ତି ତେବେ ତାହାକୁ ସୁରକ୍ଷିତ ସ୍ଥାନକୁ ନେଇ ଆସନ୍ତୁ।
- ବର୍ଷା ର ଆକଳନ ଥିବାରୁ ପନିପରିବା ଚାଷରେ ଜଉପୋକ ର ହଠାତ ଉପସ୍ଥିତି ଦେଖିବାକୁ ମିଳିପାରେ। ତେଣୁ ଫସଲକୁ ନିୟମିତ ନିରୀକ୍ଷଣ କରନ୍ତୁ ଏବଂ ଜଉପୋକ ର ଉପସ୍ଥିତି ଦେଖାଦେଲେ ପ୍ରାଥମିକ ଅବସ୍ଥାରେ ନିମ୍ବ ଆଧାରିତ କୀଟନାଶକ ପ୍ରୟୋଗ କରନ୍ତୁ।
- ଫସଲରେ ରୋଗ ଓ ପୋକ ର ଉପସ୍ଥିତି କୁ ନିୟମିତ ଯାଞ୍ଚ କରନ୍ତୁ ।
- ଜମିରେ ଥିବା ଘାସ ଦ୍ବାରା ପୋକ ଓ ରୋଗର ସଂକ୍ରମଣକୁ ବୃଦ୍ଧି କରିଥାଏ । ତେଣୁ ଜମିକୁ ସର୍ବଦା ଘାସମୁକ୍ତ ରଖନ୍ତୁ । ପନିପରିବା ଜାତୀୟ ଫସଲରେ ଘାସର ନିୟନ୍ତ୍ରଣ ପାଇଁ ପଲିଥିନ ଦ୍ବାରା ମଲଚିଂ ର ବ୍ୟବସ୍ଥା କରନ୍ତୁ।
- ଖରାଟିଆ ପାଗ ସହ ତାପମାତ୍ରା ର ବୃଦ୍ଧି ହେତୁ ପଶୁପକ୍ଷୀ ମାନଙ୍କୁ ଛାଇ ଥିବା ସ୍ଥାନରେ ରଖିବା ଏକାନ୍ତ ଆବଶ୍ୟକ । ଛାତ କିମ୍ବା ଆଜବେଷ୍ଟସ ଘରେ ପଶୁ ମାନଙ୍କୁ ରଖୁଥିଲେ ଛାତ ଉପରେ ନଡ଼ା ବିଛାଇ ଦିଅନ୍ତୁ ଏବଂ ପଶୁପକ୍ଷୀ ମାନଙ୍କୁ ପର୍ଯ୍ୟାପ୍ତ ପରିମାଣରେ ଥଣ୍ଡା ତଥା ନିର୍ମଳ ପାନୀୟ ଜଳ ପ୍ରଦାନ କରନ୍ତୁ।

| ସଂକ୍ଷିପ୍ତ ବାର୍ତା | ବର୍ଷା ଛାଡ଼ିବା ପରେ ପରେ ପନିପରିବା ଚାଷରେ କୋଡା ଖୋସା କରି ଘାସ ବାଛି ଦିଅନ୍ତୁ । |
|---|---|
| **ଫସଲ ଭିତ୍ତିକ କୃଷି ପରାମର୍ଶ:** | |
| **ଫସଲ (ଅବସ୍ଥା)** | **ପରାମର୍ଶ** |
| **ଡାଲୁଅ ଧାନ**<br>(ପିଲ ବାହାରିବା ଅବସ୍ଥା) | ରୋଗ ଓ ପୋକ ପରିଚାଳନା:<br>▪ ମହିଷା ରୋଗ: ଛଟା ବୁଣା ଧାନରେ ମହିଷା ରୋଗର ପ୍ରାଦୁର୍ଭାବ ଦେଖା ଦେଉଥିଲେ ପ୍ରତି ୧୦ ଲିଟର ପାଣିରେ ୪ ଗ୍ରାମ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% ଡବ୍ଲୁ. ଜି. କିମ୍ବା ୧୦ ଗ୍ରାମ କାରବେନଡାଜିମ୍ ୫୦% ଡବ୍ଲୁ.ପି. କିମ୍ବା ୧୦ ମି.ଲି. ଏଡିଫେନୋଫୋସ୍ ୫୦% ଇ.ସି. କୁ ମିଶ୍ରଣ କରି ସିଂଚନ କରନ୍ତୁ।<br>▪ କାଣ୍ଡବିନ୍ଧା ବା ଗଣ୍ଡି ପୋକ ଓ ପତ୍ରମୋଡ଼ା ପୋକ: ଗଣ୍ଡି ପୋକ ଅଧିକ ସଂକ୍ରମିତ ନହେବା ପାଇଁ ଯବକ୍ଷାରଜାନ ଯୁକ୍ତ ସାରକୁ ବିଚାର କରି ପ୍ରୟୋଗ କରନ୍ତୁ । ଗଣ୍ଡିପୋକ ର ଅଣ୍ଡା ସମୂହ କୁ ଦେଖିବାକୁ ପାଇଲେ ତାହାକୁ ହାତରେ ସଂଗ୍ରହ କରି ନଷ୍ଟ କରିଦିଅନ୍ତୁ। ରୋଇବା ପରେ ପରେ କାଣ୍ଡବିନ୍ଧା ଓ ପତ୍ରମୋଡ଼ା ପୋକର ନିରୀକ୍ଷଣ ପାଇଁ ଏକର ପିଛା ଟ୍ରାପ୍ ପ୍ରତି ୫ ମିଲିଗ୍ରାମ ଲିଓର ସହିତ ୩ ଟି ଯୌନ ସମ୍ବେଦନଶୀଳ ଯନ୍ତା ବା ଫେରୋମୋନ ଟ୍ରାପ ଲଗାନ୍ତୁ । ଯଦି ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ହେଇଯିବ ତେବେ ପ୍ରତି ଏକ ଲିଟର ପାଣିରେ ୪ ମିଲିଗ୍ରାମ ଆଜାଡିରକଟିନ୍ ୦.୧୫% ନିମ୍ବ ଜାତୀୟ ଔଷଧ କିମ୍ବା ଦାନାଦାର ଔଷଧ ଭାବରେ ଏକର ପିଛା ୧୦ କି.ଗ୍ରା. କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ ୪ଜି କୁ ସମାନ ପରିମାଣର ବାଲି ସହିତ ମିଶାଇ ଜମିରେ ପ୍ରୟୋଗ କରନ୍ତୁ ନଚେତ ୩ ମି.ଲି କ୍ଲୋରାନ୍ଟ୍ରାନିଲିପ୍ରୋଲ ୧୮.୫% ଏସ.ସି କିମ୍ବା ୧ ମି.ଲି ଫ୍ଲୁବେଣ୍ଡିଆମାଇଡ୍ ୩୯.୩୫% ଏସ.ସି କୁ ପ୍ରତି ୧୦ ଲିଟର ପାଣିରେ ମିଶ୍ରଣ କରି ସିଂଚନ କରନ୍ତୁ।<br>▪ ପତ୍ର ଚିତା ରୋଗ: ପତ୍ର ଚିତା ରୋଗର ସଂକ୍ରମଣ ଦେଖାଗଲେ ୧ ମି.ଲି ପ୍ରୋପିକୋନାଜୋଲ ୨୫% ଇ.ସି କିମ୍ବା ୨.୫ ଗ୍ରାମ କାରବେନଡାଜିମ୍ |

| | |
|---|---|
| | ୧୨ % + ମେଙ୍କୋଜେବ୍ ୬୩ % ଡବ୍ଲୁ.ପି. କୁ ପ୍ରତି ଏକ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।<br>▪ ଉକୁଣିଆ ପୋକ : ଉଚ୍ଚ ତାପମାତ୍ରା  ହେତୁ ଧାନରେ ଉକୁଣିଆ ପୋକର ଉପସ୍ଥିତି ଦେଖା ଦେଇପାରେ । ନିୟନ୍ତ୍ରଣ ପାଇଁ ୨ ଗ୍ରା. ଥିଓମେଥୋକ୍ସମ୍ ୨୫% ଡବ୍ଲୁ.ଜି କୁ ପ୍ରତି ଦଶ ଲିଟର ପାଣିରେ ମିଶ୍ରଣ କରି ସିଂଚନ କରନ୍ତୁ। |
| ମୁଗ ଓ ବିରି<br>(ଫଳ ଧରିବା/ପାକଳ ଅବସ୍ଥା) | ରୋଗ ଓ ପୋକ ପରିଚାଳନା:<br>▪ ସାହେବୀ ରୋଗ/ଜଉ ପୋକ/ ପତ୍ର ଡିଆଁ ପୋକ/ଉକୁଣିଆ ପୋକ : ସାହେବୀ ରୋଗର ଉପସ୍ଥିତି ଦେଖା ଦେଉଥିଲେ ସଂକ୍ରମିତ ହେଇଥିବା ଗଛ ଗୁଡ଼ିକୁ ଅପାଡ଼ି ମାଟି ତଳେ ପୋତି ଦିଅନ୍ତୁ। ଶୋଷକ କୀଟ ସମୂହର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ହଳଦିଆ ରଙ୍ଗର ଯନ୍ତା ବା କାର୍ଡ ଏବଂ ଉକୁଣିଆ ପୋକର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ନୀଳ ରଙ୍ଗର ଯନ୍ତା ବା କାର୍ଡ କୁ କୁ ଜମିରେ ଫସଲର ଅଙ୍ଗୀୟ ଅବସ୍ଥାରେ ଲଗାନ୍ତୁ । ରସାୟନିକ ଉପାୟରେ ନିୟନ୍ତ୍ରଣ ପାଇଁ ୧ ଗ୍ରା. ଥିଓମେଥୋକ୍ସମ୍ ୨୫% ଡବ୍ଲୁ.ଜି କିମ୍ବା ୧.୫ ମି.ଲି. ଇମିଡାକ୍ଲୋପ୍ରିଡ ୧୭.୮% ଏସ.ଏଲ. କୁ ପ୍ରତି ପାଞ୍ଚ ଲିଟର ପାଣିରେ ମିଶ୍ରଣ କରି ସିଂଚନ କରନ୍ତୁ।<br>▪ ଫଳ ବିନ୍ଧା ପୋକ : ନିୟନ୍ତ୍ରଣ ପାଇଁ ୨ ମି.ଲି  ଫ୍ଲୁବେଣ୍ଡିଆମାଇଡ୍ ୩୯.୩୫% ଏସ.ସି କିମ୍ବା ୧୫ ମିଲିଗ୍ରାମ ଥିଓଡିକାର୍ବ ୭୫% ଡବ୍ଲୁ.ପି କିମ୍ବା ୨୦ ମିଲିଗ୍ରାମ ପ୍ରୋଫେନୋଫୋସ୍ ୫୦% ଇ.ସି କୁ ପ୍ରତି ୧୦ ଲିଟର ପାଣିରେ ମିଶ୍ରଣ କରି ସିଂଚନ କରନ୍ତୁ। |
| ଚିନାବାଦାମ<br>(ଫୁଲ /ଫଳ ଧରିବା ଅବସ୍ଥା) | ରୋଗ ଓ ପୋକ ପରିଚାଳନା:<br>▪ ପତ୍ର ସୁଡଙ୍ଗ ପୋକ: ବର୍ତମାନ ପାଗରେ ଉଚ୍ଚ ତାପମାତ୍ରା ପାଇଁ ପତ୍ର ସୁଡଙ୍ଗ ପୋକ ର ପ୍ରାଦୁର୍ଭାବ ଦେଖା ଦେବାର ସମ୍ଭାବନା ରହିଛି । ସଂକ୍ରମଣ ଦେଖାଦେଲେ ନିୟନ୍ତ୍ରଣ ପାଇଁ ୨ ମିଲିଗ୍ରାମ ପ୍ରୋଫେନୋଫୋସ୍ ୫୦% ଇସି କୁ ପ୍ରତି ଏକ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।<br>▪ ତମ୍ବାଖୁ ପତ୍ରଖିଆ ପୋକ: ପ୍ରତିକାର ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପ୍ରତି ୮ ଟି ସ୍ପୋଡୋ ଲିଓର ଲାଗିଥିବା ଫେରୋମୋନ ଟ୍ରାପ୍ ବା ସଙ୍ଗ ଆକର୍ଷକ ଜନ୍ତା ଲଗାନ୍ତୁ ଏବଂ ତିନି ସପ୍ତାହ ପରେ ଲିଓର କୁ ବଦଳାଇ ଦିଅନ୍ତୁ ।<br>▪ ଟୀକ୍କା ରୋଗ: ଟୀକ୍କା ରୋଗର ପ୍ରତିକାର ପାଇଁ ୩ ଗ୍ରା. ମାଂକୋଜେବ ୭୫ % ଡବ୍ଲ୍ୟୁ.ପି କିମ୍ବା ୧ ମି.ଲି ଟେବୁକୋନାଜୋଲ ୨୯.୫ % ଇ.ସି କିମ୍ବା ୨ ଗ୍ରାମ କାରବେନଡାଜିମ ୫୦% ଡବ୍ଲୁ.ପି କୁ ପ୍ରତି ଏକ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ସଙ୍କର ମକା<br>(ଅଙ୍ଗୀୟ ଅବସ୍ଥା /ଫୁଲ କିମ୍ବା ଫଳ ଧରିବା ଅବସ୍ଥା) | କୀଟ ପରିଚାଳନା:<br>▪ କାଣ୍ଡବିନ୍ଧା ପୋକ: ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୨ ମି.ଲି. ହିସାବରେ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫୋସ ୫୦% ଇ.ସି. କୁ ମିଶାଇ ସିଂଚନ କରନ୍ତୁ।<br>▪ ଫଲ ଆର୍ମି ୱର୍ମ:  ଏହି କୀଟର ନିୟନ୍ତ୍ରଣ ନିମନ୍ତେ ପ୍ରତି ପାଞ୍ଚ ଲିଟର ପାଣିରେ ୨ ଗ୍ରା. ଇମାମେକଟିନ୍ ବେନଜୋଏଟ୍ କୁ ମିଶାଇ ସିଂଚନ କରନ୍ତୁ । |
| ଟମାଟୋ<br>(ଫୁଲ/ଫଳ ଧରିବା ଅବସ୍ଥା) | ରୋଗ ଓ କୀଟ ପରିଚାଳନା:<br>▪ ପତ୍ର ପୋଡ଼ା ରୋଗ: ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୩ ଗ୍ରାମ କପରଅକ୍ସିକ୍ଲୋରାଇଡ୍  ୫୦% ଡବ୍ଲ୍ୟୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।<br>▪ ଫଳ ଓ କାଣ୍ଡବିନ୍ଧା ପୋକ : ନିୟନ୍ତ୍ରଣ ପାଇଁ ଏକର ପ୍ରତି ଦୁଇଟି ଲେଖାଏଁ ଫେରୋମୋନ ଟ୍ରାପ ବ୍ୟବହାର କରନ୍ତୁ  କିମ୍ବା ରାସାୟନିକ ଉପାୟରେ ନିୟନ୍ତ୍ରଣ ପାଇଁ ୩ ମି.ଲି କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫%ଏସ.ସି କିମ୍ବା ୧୦ ମି.ଲି. ଇନଡୋକ୍ସାକାର୍ବ ୧୪.୫% ଏସ.ସି କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ। |
| ଲଙ୍କା<br>(ଅଙ୍ଗୀୟ ଅବସ୍ଥା /ଫୁଲ କିମ୍ବା ଫଳ ଧରିବା ଅବସ୍ଥା) | ରୋଗ ଓ କୀଟ ପରିଚାଳନା:<br>▪ ଉକୁଣିଆ ପୋକ/ ପତ୍ରମୋଡା ରୋଗ : ନିୟନ୍ତ୍ରଣ ପାଇଁ ଏକର ପିଛା ୮ଟି ଅଠାଳିଆ ନୀଳ ଯନ୍ତା ଲଗାନ୍ତୁ । ରାସାୟନିକ ଉପାୟରେ ସଂକ୍ରମଣ ରୋକିବା ପାଇଁ ପ୍ରତି ୫ ଲିଟର ପାଣିରେ ଇମାମେକ୍ଟିନବେଞ୍ଜୋଏଟ୍ ୫% ଏସ୍.ଜି. ୨ ଗ୍ରା. କିମ୍ବା ଫିପ୍ରୋନିଲ୍ ୫% ଏସ୍.ସି. ୧୦ ମି.ଲି. କିମ୍ବା ଇମିଡ଼ାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. ୧.୫ ମି.ଲି ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।<br>▪ ଫଳବିନ୍ଧା ପୋକ:  ନିୟନ୍ତ୍ରଣ ପାଇଁ ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପ୍ରତି ୮ ଟି ହେଲି ଲିଓର ଲାଗିଥିବା ଫେରୋମୋନ ଟ୍ରାପ୍ ବା ସଙ୍ଗ ଆକର୍ଷକ ଜନ୍ତା ଲଗାନ୍ତୁ ଏବଂ ତିନି ସପ୍ତାହ ପରେ ଲିଓର କୁ ବଦଳାଇ ଦିଅନ୍ତୁ । |
| ବାଇଗଣ<br>(ଅଙ୍ଗୀୟ ଅବସ୍ଥା /ଫୁଲ କିମ୍ବା ଫଳ ଧରିବା ଅବସ୍ଥା) | କୀଟ ପରିଚାଳନା:<br>▪ କାଣ୍ଡ ଓ ଫଳ ବିନ୍ଧା ପୋକ: ନିୟନ୍ତ୍ରଣ ପାଇଁ ଅଙ୍ଗୀୟ ଅବସ୍ଥାରେ ଏକର ପିଛା  ୮ ଟି ଫେରୋମୋନ୍ ଟ୍ରାପ୍ (ଆକର୍ଷକ ଜନ୍ତା) କିମ୍ବା ୱାଟା ଟ୍ରାପ୍ ଜମିରେ ଲଗାନ୍ତୁ । ରାସାୟନିକ ପଦ୍ଧତିରେ ନିୟନ୍ତ୍ରଣ ପାଇଁ ପ୍ରତି ୧୫ ଲିଟର ପାଣିରେ ସ୍ପିନୋସାଡ ୪୫% ଏସ.ସି ୫.୫ ମିଲିଗ୍ରାମ ନଚେତ ପ୍ରତି ଏକ ଲିଟର ପାଣିରେ ୨ ମିଲିଗ୍ରାମ ଥିଓଡିକାର୍ବ ୭୫% ଡବ୍ଲୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ। |
| ପିଆଜ<br>(ଅଙ୍ଗୀୟ ଅବସ୍ଥା) | ରୋଗ ପରିଚାଳନା:<br>▪ ବାଇଗଣି ଦାଗ (ପରପଲ ବ୍ଲୋଚ୍) : ଏହି ରୋଗର ନିୟନ୍ତ୍ରଣ ପାଇଁ ଡାଇଫେନୋକୋନାଜୋଲ୍ ୨୫% ଇ.ସି କିମ୍ବା ଟେବୁକୋନାଜୋଲ୍ ୨୫.୯% ଇ.ସି କିମ୍ବା କିଟାଜିନ୍ ୪୮% ଇ.ସି କୁ ୧ ମିଲିଗ୍ରାମ ହିସାବରେ ପ୍ରତି ଏକ ଲିଟର ପାଣିରେ ମିଶ୍ରଣ କରି ସିଞ୍ଚନ କରନ୍ତୁ ।<br>▪ ପତ୍ର ପୋଡ଼ା ରୋଗ: **ନିରାକରଣ ପାଇଁ ପ୍ରତି** ଏକ ଲିଟର ପାଣିରେ ୩ ଗ୍ରାମ ମାଙ୍କୋଜେବ୍ ୭୫% ଡବ୍ଲୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ ।<br>▪ ଉକୁଣିଆ ପୋକ: ନିୟନ୍ତ୍ରଣ ପାଇଁ ଏକର ପିଛା ୮ଟି ଅଠାଳିଆ ନୀଳ ଯନ୍ତା ଲଗାନ୍ତୁ । ରାସାୟନିକ ଉପାୟରେ ସଂକ୍ରମଣ ରୋକିବା ପାଇଁ ପ୍ରତି ୫ |

| | |
|---|---|
| | ଲିଟର ପାଣିରେ ୧ ଗ୍ରା. ଥିଓମେଥୋକ୍ସମ୍ ୨୫ ଡବ୍ଲ୍ୟୁ.ଜି କିମ୍ବା ପ୍ରତି ୪ ଲିଟର ପାଣିରେ ୧ ଗ୍ରାମ ଏସିଡାମିପ୍ରିଡ୍ ୨୦% ଏସ.ପି. କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ । |
| **ଆମ୍ବ** (ବଉଳ ରୁ ଚୁଇଁ ଅବସ୍ଥା) | ▪ ଆମ୍ବ ବଗିଚାରେ ଫଳ ଝଡ଼ିବାକୁ ନିୟନ୍ତ୍ରଣ କରିବା ପାଇଁ ୨ ମିଲି ପ୍ଲାନୋଫିକ୍ସ ୨୦ ପିପିଏମ୍ କୁ ୪.୫ ଲିଟର ପାଣିରେ ମିଶାଇ ସ୍ପ୍ରେ କରନ୍ତୁ ।<br>▪ ଫିମ୍ପୀ ଜାତୀୟ ବା କବକ ଜନିତ ରୋଗର ନିୟନ୍ତ୍ରଣ ପାଇଁ ୫ ମିଲିଗ୍ରାମ କାରାଥେନ କୁ ୧୦ ଲିଟର ପାଣିରେ ମିଶ୍ରଣ କରି ସିଞ୍ଚନ କରନ୍ତୁ । |
| **ପଶୁପାଳନ:** | |
| **ଗାଈ ଓ ମଇଁଷି** | ▪ ଅଧିକ ଦୁଗ୍ଧ (୧୦ - ୧୫ ଲିଟର) ଦେଉଥିବା ଗାଈ ମାନଙ୍କୁ ଖାଦ୍ୟରେ ତନ୍ତୁ ପରିମାଣକୁ ହ୍ରାସ କରି ୫ ରୁ ୧୦ ପ୍ରତିଶତ ଚର୍ବି ବା ତୈଳ ଜାତୀୟ ଖାଦ୍ୟ ମିଶାଇ ଦେବା ଉଚିତ। ଭିଟାମିନ ଏ ଓ ଇ ଖାଦ୍ୟରେ ମିଶାଇ ପଶୁମାନଙ୍କୁ ଦେଲେ ଲାଭ ଦାୟକ ହେଇଥାଏ। ବର୍ତମାନର ପାଗକୁ ଦୃଷ୍ଟିରେ ରଖି ଦୁଧିଆଳୀ ଗାଈ ଓ ମଇଁଷି ମାନଙ୍କୁ ଦିନବେଳା ଦୁଇ ରୁ ତିନି ଥର ତାଙ୍କ ଉପରେ ପାଣି ସିଞ୍ଚନ କରି ଓଦା କରନ୍ତୁ। |
| **ଛେଳି ଓ ମେଣ୍ଢା** | ▪ ବର୍ତମାନ ର ପାଗକୁ ଲକ୍ଷ୍ୟ କରି ବାହାରକୁ ଚରାଇବାକୁ ନେଉଥିବା ଛେଳି ଓ ମେଣ୍ଢା ମାନଙ୍କୁ ଦିନ ୧୧ ଟା ପୂର୍ବରୁ ଗୁହାଳକୁ ନେଇ ଆସନ୍ତୁ ଓ ଅପରାହ୍ନ ୪ଟା ପରେ ପୁନର୍ବାର ଚରାଇବାକୁ ଛାଡ଼ନ୍ତୁ। |
| **କୁକୁଡ଼ା** | ▪ ବର୍ତମାନ ପାଗରେ କୁକୁଡ଼ା ରଖୁଥିବା ଘରକୁ ଦିନବେଳା ପରଦା ଢାଙ୍କି ଗରମ ପବନରୁ କୁକୁଡ଼ା ମାନଙ୍କୁ ରକ୍ଷା କରନ୍ତୁ। ଆବଶ୍ୟକ ସ୍ଥଳେ କୁକୁଡ଼ା ମାନଙ୍କ ଉପରେ ଦିନରେ ୨ ରୁ ୩ ଥର ପାଣି ସିଞ୍ଚନ କରନ୍ତୁ। |

ନୋଡାଲ ଅଫିସର
ଗ୍ରାମୀଣ କୃଷି ମୌସମ ସେବା , ଭବାନୀପାଟଣା

ବି.ଦ୍ର.:- ସ୍ଥାନୀୟ ପାଣିପାଗ ସମ୍ବନ୍ଧୀୟ ତଥ୍ୟ ପାଇଁ "ମଉସମ", ପାଣିପାଗ ଭିତିକ କୃଷି ସୂଚନା ପାଇଁ "ମେଘଦୂତ" ଓ ବିଜୁଳି ସତର୍କ ସୂଚନା ପାଇଁ "ଦାମିନୀ" ମୋବାଇଲ ଆପ୍ଲିକେସନ ବ୍ୟବହାର କରନ୍ତୁ।

**କୃଷିରେ ଅଧିକତର ଲାଭ ନିମନ୍ତେ ଓୟୁଏଟି କଳିଙ୍ଗ ଦ୍ରବ୍ୟ ବ୍ୟବହାର କରନ୍ତୁ (ବିହନ, ଚାରା ଓ ଗୁଣାତ୍ମକ ବୃକ୍ଷରୋପଣ ସାମଗ୍ରୀ, ଟିସୁ କଲ୍ଚର ଚାରା, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ , ଅଙ୍ଗୁଳିକା ଯାଆଁଳ/ ବର୍ଷକୀୟା ଯାଆଁଳ, କୁକୁଡ଼ା ଚିଆଁ, ପଶୁ ପ୍ରଜାତି, ଛତୁ ଓ ମଞ୍ଜି , ଜୀବାଣୁ ସାର , ଜୈବିକ କୀଟନାଶକ , ଜିଆ ଓ ଜିଆଖତ ଏବଂ କୃଷି ଯନ୍ତ୍ରପାତି).**

ଭାରତୀୟ ପାଣିପାଗ ସଂସ୍ଥା ର ପାଣିପାଗ ଆକଳନ ଓ କୃଷିପାଣିପାଗ ଜନିତ ସୂଚନା ଏବେ ଉଭୟ ଓଡ଼ିଆ ଓ ଇଂରାଜୀ ଭାଷାରେ ମେଘଦୂତ ଆପ ରେ ଉପଲବ୍ଧ । ଆପ ଡାଉନଲୋଡ କରିବା ପାଇଁ ନିମ୍ନ ଲିଙ୍କରେ କ୍ଲିକ କରନ୍ତୁ ।
**(Android: https://play.google.com/store/apps/details?id=com.aas.meghdoot), (iOS: https://apps.apple.com/in/app/meghdoot/id1474048155)**